# କେନ୍ଦ୍ର ସାହିତ୍ୟ ଏକାଡେମୀର 'ସାହିତ୍ୟୋତ୍ସବ' ଉଦ୍‌ଯାପିତ

**ଭୁବନେଶ୍ୱର,୧୨।୩**
**(ସୌମ୍ୟରଞ୍ଜନ ରାଉତ)**



ନୂଆଦିଲ୍ଲୀଠାରେ ଅନୁଷ୍ଠିତ ସାହିତ୍ୟ ଉତ୍ସବରେ ଯୋଗଦେଇଥିବା ଅତିଥି।

କେନ୍ଦ୍ର ସାହିତ୍ୟ ଏକାଡେମୀ ପକ୍ଷରୁ ନୂଆଦିଲ୍ଲୀର ରବୀନ୍ଦ୍ର ଭବନଠାରେ ଆୟୋଜିତ ଏସିଆର ସର୍ବବୃହତ୍ 'ସାହିତ୍ୟୋତ୍ସବ' ବୁଧବାର ଉଦ୍‌ଯାପିତ ହୋଇଯାଇଛି। ଉତ୍ସବରେ ମୁଖ୍ୟ ଆକର୍ଷଣ ଥିଲା ଦିବ୍ୟାଙ୍ଗ ଲେଖକ ସମ୍ମିଳନୀ। ଏହି ଅବସରରେ ପନ୍ଦରଟି ଅଧିବେଶନ ଅନୁଷ୍ଠିତ ହୋଇଥିଲାବେଳେ ଦିବ୍ୟାଙ୍ଗ ଲେଖକ ଏବଂ ଶିଶୁ ପ୍ରତିଭା ଯୋଗଦେଇଥିଲେ। ବିନୋଦ ଆସୁଦାନୀ ଓ ଅରବିନ୍ଦ ପି. ଭାଟିକରଙ୍କ ଅଧ୍ୟକ୍ଷତାରେ ୧୦ଟି ଭାଷାର ଦିବ୍ୟାଙ୍ଗ ଲେଖକ କବିତା ଓ ଗଳ୍ପ ପାଠ କରିଥିଲେ। ଆଠଟି ଅଧିବେଶନରେ ଉପନ୍ୟାସର ଭବିଷ୍ୟତ, ଭାରତର ସାଂସ୍କୃତିକ ପରମ୍ପରା ଉପରେ ବିଶ୍ୱୀକରଣର ପ୍ରଭାବ, ଅନୂଦିତ କୃତି ପଠନର ଗୁରୁତ୍ୱ, ଏକତା ଏବଂ ସାମାଜିକ ସଂହତି, କୃତ୍ରିମ ବୁଦ୍ଧିମତ୍ତା ଏବଂ ସାହିତ୍ୟ ସୃଷ୍ଟି ଇତ୍ୟାଦି ବିଷୟରେ ଲେଖକ ଓ ବିଶେଷଜ୍ଞମାନେ ଆଲୋଚନା କରିଥିଲେ। 'ଭାରତୀୟ ସାହିତ୍ୟ ପରମ୍ପରା, ଐତିହ୍ୟ ଏବଂ ବିକାଶ' ଶୀର୍ଷକ ଜାତୀୟ ଆଲୋଚନାଚକ୍ରର ଶେଷଦିନରେ ଭାରତୀୟ କବିତା, ଦଳିତ ସାହିତ୍ୟ ଏବଂ ଆଧ୍ୟାତ୍ମିକ ସାହିତ୍ୟ ଉପରେ ଗୁରୁତ୍ୱପୂର୍ଣ୍ଣ ଆଲୋଚନା ହୋଇଥିଲା। ଅଧ୍ୟକ୍ଷତା କରିଥିଲେ ବିଶ୍ୱନାଥ ପ୍ରସାଦ ତିୱାରୀ, ଶ୍ୟୋରାଜ ସିଂହ ବେଚୈନ ଏବଂ ବିଷ୍ଣୁଦତ୍ତ ରାକେଶ। ଏଥିସହିତ ବହୁଭାଷୀ କବି ସମ୍ମିଳନୀ ଓ ଗଳ୍ପପାଠର ତିନୋଟି ଅଧିବେଶନ ମଧ୍ୟ ଅନୁଷ୍ଠିତ ହୋଇଥିଲା। ପିଲାଙ୍କ ପାଇଁ ଚିତ୍ରାଙ୍କନ ଓ ରେଖାଚିତ୍ର ଏବଂ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯାଇଥିଲା। ୧୫ଟି ସ୍କୁଲର ୩୦୦ରୁ ଅଧିକ ଛାତ୍ରୀଛାତ୍ର ଅଂଶଗ୍ରହଣ କରିଥିଲେ। ପ୍ରତିଯୋଗିତାରେ ୧୨ଜଣ କୃତୀ ଛାତ୍ରୀଛାତ୍ରଙ୍କୁ ପୁରସ୍କୃତ କରାଯାଇଥିଲା। ଏହି ଅବସରରେ କବିତା ସଂଗ୍ରହ 'ଦ୍ୱୈପାୟନ ସରୋବର କେ କିନାରେ'ର ହିନ୍ଦୀ ଅନୁବାଦ ସାହିତ୍ୟ ଏକାଡେମୀର ସଦସ୍ୟ ଏବଂ ପୂର୍ବତନ ସଭାପତି ବିଶ୍ୱନାଥ ପ୍ରସାଦ ତିୱାରୀଙ୍କ ଦ୍ୱାରା ଉନ୍ମୋଚିତ ହୋଇଥିଲା। ପୁସ୍ତକର ଅନୁବାଦକ ଅମ୍ରିତା ବେରା ଏବଂ ସାହିତ୍ୟ ଏକାଡେମୀର ସଚିବ ଡ. କେ.ଶ୍ରୀନିବାସରାଓ ଉପସ୍ଥିତ ଥିଲେ।